# REGIONAL NEWS UNIT, AIR CUTTACK

## Morning Bulletin (7.05 AM)

### 26 September – 2025

# ପ୍ରଧାନମନ୍ତ୍ରୀ ଗସ୍ତ - ପ୍ରସ୍ତୁତି

ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି ଆସନ୍ତାକାଲି ଦିନିକିଆ ଓଡ଼ିଶା ଗସ୍ତରେ ଆସିବେ । ପ୍ରଧାନମନ୍ତ୍ରୀ ଝାରସୁଗୁଡ଼ାଠାରେ ୧ ହଜାର ୭୦୦ କୋଟିରୁ ଅଧିକ ମୂଲ୍ୟର ୩ଟି ପ୍ରମୁଖ ରେଳପ୍ରକଳ୍ପର ଶିଳାନ୍ୟାସ ଓ ଶୁଭାରମ୍ଭ କରିବାର କାର୍ଯ୍ୟସୂଚୀ ରହିଛି । ଏହି ଅବସରରେ ଶ୍ରୀମୋଦୀ ସେବା ପର୍ବର ଅଂଶବିଶେଷ ଭାବେ ଦେଶର ୮ଟି ଆଇଆଇଟିର ସଂପ୍ରସାରଣ ନେଇ ଘୋଷଣା କରିବା ସହ ବ୍ରହ୍ମପୁର ଏମ୍‌କେସିଜି ମେଡ଼ିକାଲ କଲେଜ ଏବଂ ହସ୍ପିଟାଲ ତଥା ସମ୍ବଲପୁରସ୍ଥିତ ଭୀମ୍‌ସାର ମେଡ଼ିକାଲ କଲେଜ ଓ ହସ୍ପିଟାଲକୁ ସୁପର ସ୍ପେଶାଲିଟି ସ୍ତରକୁ ଉନ୍ନୀତ କରିବା ପାଇଁ ଘୋଷଣା କରିବାର କାର୍ଯ୍ୟସୂଚୀ ରହିଛି । ପ୍ରଧାନମନ୍ତ୍ରୀ ଅନ୍ତ୍ୟୋଦୟ ଯୋଜନାର ହିତାଧିକାରୀଙ୍କୁ ମଧ୍ୟ ଶ୍ରୀ ମୋଦୀ ସହାୟତା ବଣ୍ଟନ କରିବେ ବୋଲି ଆମ ସମ୍ବାଦଦାତା ଜଣାଇଛନ୍ତି ।

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଗତକାଲି ଝାରସୁଗୁଡା ଗସ୍ତରେ ଯାଇ ପ୍ରଧାନମନ୍ତ୍ରୀଙ୍କ ଗସ୍ତର ପ୍ରସ୍ତୁତି ନେଇ ସମୀକ୍ଷା କରିଛନ୍ତି ।

# ପ୍ରତିମୂର୍ତ୍ତି ନିର୍ମାଣ

ରାଜ୍ୟର ୭୫ ଜଣ ବରପୁତ୍ରଙ୍କ ପ୍ରତିମୂର୍ତ୍ତି ନିର୍ମାଣ ଏବଂ ସ୍ଥାପନ ପାଇଁ ସରକାର ନିଷ୍ପତ୍ତି ଗ୍ରହଣ କରିଛନ୍ତି । ଓଡ଼ିଆ ଭାଷା, ସାହିତ୍ୟ ଓ ସଂସ୍କୃତି ବିଭାଗ ପକ୍ଷରୁ ଏଥିପାଇଁ ୧୪ କୋଟି ଟଙ୍କା ବ୍ୟୟ ଅଟକଳ କରାଯାଇଛି ।

ସମସ୍ତ କାର୍ଯ୍ୟ ଆସନ୍ତାବର୍ଷ ଶେଷସୁଦ୍ଧା ସଂପୂର୍ଣ୍ଣ କରିବାକୁ ଲକ୍ଷ୍ୟ ରଖାଯାଇଛି ।

---

## ଦକ୍ଷତା ବିକାଶ

ସାମାଜିକ ଓ ଆର୍ଥିକ ପ୍ରଗତି ପାଇଁ ଦକ୍ଷତା ବିକାଶ ତଥା ଉଦ୍ୟୋଗ କ୍ଷେତ୍ର ଉପରେ ସରକାର ଗୁରୁତ୍ୱ ପ୍ରଦାନ କରୁଛନ୍ତି ବୋଲି ଶିଳ୍ପ, ଦକ୍ଷତା ବିକାଶ ଓ ବୈଷୟିକ ଶିକ୍ଷାମନ୍ତ୍ରୀ ସମ୍ପଦ ଚନ୍ଦ୍ର ସ୍ୱାଇଁ କହିଛନ୍ତି । ଭୁବନେଶ୍ୱରସ୍ଥିତ ବିଶ୍ୱ ଦକ୍ଷତା କେନ୍ଦ୍ରଠାରେ ଆୟୋଜିତ ଏକ ସ୍ୱତନ୍ତ୍ର କାର୍ଯ୍ୟକ୍ରମରେ ଯୋଗଦେଇ ମନ୍ତ୍ରୀ ଶ୍ରୀ ସ୍ୱାଇଁ କହିଛନ୍ତି, ବିଭିନ୍ନ କ୍ଷେତ୍ରରେ ସଶକ୍ତିକରଣ ସମୃଦ୍ଧ ଓଡ଼ିଶା ଗଠନ ସ୍ୱପ୍ନ ସାକାର କରିପାରିବ । ଏହି ଅବସରରେ ମନ୍ତ୍ରୀ ଶ୍ରୀ ସ୍ୱାଇଁ ସଫଳ ଉଦ୍ୟୋଗୀଙ୍କୁ ସମ୍ବର୍ଦ୍ଧିତ କରିଛନ୍ତି ।

---

## ଇ-ଚାଲାଣ

ରାଜ୍ୟରେ ସଡ଼କ ସୁରକ୍ଷା ନିୟମର କଡ଼ାକଡ଼ି ଅନୁପାଳନ ନେଇ ପରିବହନ ବିଭାଗ ପକ୍ଷରୁ ସ୍ୱତନ୍ତ୍ର ପଦକ୍ଷେପ କରାଯାଇଛି । ଗତ ୩ ଦିନ ମଧ୍ୟରେ ଓଭରଲୋଡିଂ, ଗାଡ଼ି ଚାଳନା ବେଳେ ମୋବାଇଲ୍ ଫୋନ୍ ବ୍ୟବହାର ତଥା ଅନ୍ୟାନ୍ୟ ଆଇନ ଉଲ୍ଲଂଘନ ପାଇଁ ୩ ହଜାର ୪୯୪ଟି ଇ-ଚାଲାଣ କଟାଯାଇ ଜୋରିମାନା ବାବଦରେ ପ୍ରାୟ ୫୪ ଲକ୍ଷ ୮୨ ହଜାର ଟଙ୍କା ଆଦାୟ କରାଯାଇଛି ।

---

## ବକ୍ତୃତା ପ୍ରତିଯୋଗିତା

ଓଡ଼ିଆ ଭାଷା, ସାହିତ୍ୟ ଓ ସଂସ୍କୃତି ବିଭାଗ ପକ୍ଷରୁ ହରେକୃଷ୍ଣ ମହତାବ ରାଜ୍ୟ ଗ୍ରନ୍ଥାଗାରଠାରେ ଏକ ବକ୍ତୃତା ପ୍ରତିଯୋଗିତା ଅନୁଷ୍ଠିତ

ହୋଇଯାଇଛି । ସେବାପକ୍ଷ ପାଳନ ଅବସରରେ **୨୦୧୪ ପରେ ଭାରତ** ପ୍ରସଙ୍ଗ ଭିତ୍ତିକ ବକ୍ତୃତା ପ୍ରତିଯୋଗିତା ଆୟୋଜିତ ହୋଇଥିଲା । ଗ୍ରନ୍ଥାଗାରରେ ଅଧ୍ୟୟନ କରୁଥିବା ପାଠକପାଠିକାଙ୍କୁ ରାଜ୍ୟ ତଥା ଜାତୀୟ ସ୍ତରୀୟ ପରୀକ୍ଷା ପାଇଁ ପ୍ରସ୍ତୁତ କରିବା ଲକ୍ଷ୍ୟରେ ଏହି ପ୍ରତିଯୋଗିତାର ଆୟୋଜନ କରାଯାଇଥିଲା ।

## ବାଲିଯାତ୍ରା - ପ୍ଲଟ୍ ଆବଣ୍ଟନ

କଟକ ଐତିହାସିକ ବାଲିଯାତ୍ରା ପାଇଁ ଆଜିଠାରୁ ପ୍ଲଟ୍ ଆବେଦନ ପ୍ରକ୍ରିୟା ଆରମ୍ଭ ହେଉଛି । ବାଲିଯାତ୍ରା ପ୍ଲଟ୍ ଆବଣ୍ଟନ ନିଲାମ ମାଧ୍ୟମରେ କରାଯିବ । ଆସନ୍ତା ମାସ ୯ ତାରିଖ ମଧ୍ୟରେ ଆବେଦନ ପତ୍ର  ଦାଖଲ କରିବାକୁ ସମୟସୀମା ଧାର୍ଯ୍ୟ କରାଯାଇଛି । ପ୍ଲଟ୍ ପିଛା ପ୍ରାରମ୍ଭିକ ପଞ୍ଜୀକରଣ ଲାଗି ୫ ହଜାର ଟଙ୍କା ସ୍ଥିର କରାଯାଇଛି ।

## ଆଲୋଚନାଚକ୍ର

ଓଡ଼ିଆ ଭର୍ଚୁଆଲ୍ ଏକାଡେମୀ ପରିସରରେ ଗତକାଲି ଜଗନ୍ନାଥ ଚେତନା ଆଧାରିତ ଏକ ଆଲୋଚନାଚକ୍ର ଅନୁଷ୍ଠିତ ହୋଇଯାଇଛି । ସୂଚନା ଓ ପ୍ରଯୁକ୍ତିବିଦ୍ୟା ବିଭାଗ ପ୍ରମୁଖ ଶାସନ ସଚିବ ବିଶାଲ କୁମାର ଦେବଙ୍କ ସମେତ ବହୁ ବିଶିଷ୍ଟ ବ୍ୟକ୍ତି ଯୋଗଦେଇ ଜଗନ୍ନାଥ ତତ୍ତ୍ୱର ବିଭିନ୍ନ ଦିଗ ଉପରେ ମତ ଉପସ୍ଥାପନ କରିଥିଲେ ।

## ନିପୂଣ ଓଡ଼ିଶା ମିଶନ

ଭଦ୍ରକ ଜିଲ୍ଲା ପ୍ରଶାସନ ଓ ଜିଲ୍ଲା ପ୍ରକଳ୍ପ ପରିଚାଳନା ୟୁନିଟ୍ ଆନୁକୂଲ୍ୟରେ ନିପୂଣ ଓଡ଼ିଶା ମିଶନର ତ୍ରୈମାସିକ ବୈଠକ ଅନୁଷ୍ଠିତ ହୋଇଯାଇଛି ।

ଜିଲ୍ଲାପାଳ ଦିଲ୍ଲୀପ ରାଉତରାୟଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି ବୈଠକରେ ବିଭିନ୍ନ ଜିଲ୍ଲାସ୍ତରୀୟ ଅଧିକାରୀ ଯୋଗଦେଇ ପ୍ରାଥମିକ ବିଦ୍ୟାଳୟଗୁଡ଼ିକରେ ଛାତ୍ରଛାତ୍ରୀଙ୍କ ବିକାଶ ଲକ୍ଷ୍ୟରେ ମିଶନର କାର୍ଯ୍ୟକାରିତା ନେଇ ମତ ଉପସ୍ଥାପନ କରିଥିଲେ । ମିଶନ ଅଧୀନରେ ପ୍ରାଥମିକ ବିଦ୍ୟାଳୟକୁ ପୋଷ୍ୟ ସ୍କୁଲ୍ ଭାବେ ଗ୍ରହଣ କରିବା ନେଇ ବୈଠକରେ ନିଷ୍ପତ୍ତି ଗ୍ରହଣ କରାଯାଇଛି ।

## ଫାର୍ମାସୀ ଦିବସ

ନୂଆପଡ଼ା ଜିଲ୍ଲାର ସମସ୍ତ ଉପଖଣ୍ଡ ଓ ପ୍ରାଥମିକ ସ୍ୱାସ୍ଥ୍ୟକେନ୍ଦ୍ରରେ ବିଶ୍ୱ ଫାର୍ମାସୀ ଦିବସ ପାଳିତ ହୋଇଯାଇଛି । ଏହି ଅବସରରେ ଅନୁଷ୍ଠିତ ଆଲୋଚନାଚକ୍ରରେ ଫାର୍ମାସୀ ଦିବସ ପାଳନର ଆଭିମୁଖ୍ୟ ଉପରେ ଆଲୋଚନା ହୋଇଛି । ବିରୋମାଲ ପ୍ରାଥମିକ ସ୍ୱାସ୍ଥ୍ୟକେନ୍ଦ୍ରଠାରେ ଏକ୍ ପେଡ୍ ମା କେ ନାମ୍ ଅଭିଯାନ ଅଧୀନରେ ପରିବେଶ ସୁରକ୍ଷାର ବାର୍ତ୍ତା ପ୍ରଚାର କରାଯାଇଥିଲା ।

## ଟେନିସ୍

ଭୁବନେଶ୍ୱର କଳିଙ୍ଗ ଷ୍ଟାଡିୟମଠାରେ ଆସନ୍ତାମାସରେ ୩ଟି ଜତୀୟ ତଥା ଅନ୍ତର୍ଜାତୀୟ ପ୍ରତିଯୋଗିତା ଅନୁଷ୍ଠିତ ହେବ । କ୍ରୀଡ଼ାମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ ଗତକାଲି ଗଣମାଧ୍ୟମକୁ ସୂଚନା ଦେଇ କହିଛନ୍ତି, ଅକ୍ଟୋବର ୧୧ରୁ ୧୫ ତାରିଖ ପର୍ଯ୍ୟନ୍ତ ଏସିଆନ୍ ଟେବୁଲ୍ ଟେନିସ୍ ପ୍ରତିଯୋଗିତା ଅନୁଷ୍ଠିତ ହେବ । ୧୦ରୁ ୧୪ ତାରିଖ ପର୍ଯ୍ୟନ୍ତ ଜାତୀୟ ଜୁନିୟର ଆଥ୍ଲେଟିକ୍ସ ଏବଂ ୧୧ରୁ ୧୫ ତାରିଖ ପର୍ଯ୍ୟନ୍ତ ଆଇଟିଏଫ୍ ମାଷ୍ଟର୍ସ ୱାନ୍ ହଣ୍ଡ୍ରେଡ୍ ଟେନିସ୍ ପ୍ରତିଯୋଗିତା ଅନୁଷ୍ଠିତ ହେବ ।

# ପରିବେଶ ସ୍ୱାସ୍ଥ୍ୟ ଦିବସ

ନିରନ୍ତର ଜୀବନ ଅଭ୍ୟାସକୁ ପ୍ରୋତ୍ସାହିତ କରିବା ଲକ୍ଷ୍ୟ ନେଇ ଆଜି ବିଶ୍ୱ ପରିବେଶ ସ୍ୱାସ୍ଥ୍ୟ ଦିବସ ପାଳନ କରାଯାଉଛି । ପରିବେଶ ପ୍ରଦୂଷଣ,ଜଳବାୟୁ ପରିବର୍ତ୍ତନ, ଶିଳ୍ପାୟନ, ସହରୀକରଣ ଆଦି ଦ୍ୱାରା ମାନବ ସ୍ୱାସ୍ଥ୍ୟପ୍ରତି ସୃଷ୍ଟ ବିପଦ ସଂପର୍କରେ ସଚେତନତା ସୃଷ୍ଟି କରିବା ଏହି ଦିବସ ପାଳନର ମୁଖ୍ୟ ଉଦ୍ଦେଶ୍ୟ । ଚଳିତ ବର୍ଷ ଏହି ଦିବସର ବାର୍ତ୍ତା ରହିଛି **ସ୍ୱଚ୍ଛ ବାୟୁ ସୁସ୍ଥ ମଣିଷ ।**

---

# ପାଣିପାଗ

ବଙ୍ଗୋପସାଗରରେ ସକ୍ରିୟ ଘୂର୍ଣ୍ଣିବଳୟ ଲଘୁଚାପ କ୍ଷେତ୍ରରେ ପରିଣତ ହେବା ପରେ ଆଜି ଉତ୍ତର-ପଶ୍ଚିମ ଏବଂ ସଂଲଗ୍ନ ପଶ୍ଚିମ କେନ୍ଦ୍ରୀୟ ବଙ୍ଗୋପସାଗରରେ ଅବପାତରେ ପରିଣତ ହେବାର ସମ୍ଭାବନା ରହିଛି । ପାଣିପାଗ ବିଭାଗର ସୂଚନା ଅନୁସାରେ ଏହା ଆସନ୍ତାକାଲି ସୁଦ୍ଧା ଦକ୍ଷିଣ ଓଡ଼ିଶା-ଉତ୍ତର ଆନ୍ଧ୍ରପ୍ରଦେଶ ଉପକୂଳ ଅତିକ୍ରମ କରିବ । ଏହାର ପ୍ରଭାବରେ ରାଜ୍ୟରେ ଆସନ୍ତା ୩ ଦିନ ପର୍ଯ୍ୟନ୍ତ ପ୍ରବଳ ବର୍ଷା ହେବା ନେଇ ଅନୁମାନ କରାଯାଇଛି ।

ମାଲକାନଗିରି ଓ କୋରାପୁଟ ଜିଲ୍ଲାରେ ପ୍ରବଳ ବର୍ଷା ହେବାର ସମ୍ଭାବନା ରହିଛି । ଆସନ୍ତା ୨୪ ଘଣ୍ଟା ମଧ୍ୟରେ ବିଜୁଳି ଘଡ଼ଘଡ଼ି ସହ ବର୍ଷା ହେବା ନେଇ ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ର ପକ୍ଷରୁ ପ୍ରାୟ ସମସ୍ତ ଜିଲ୍ଲାକୁ ସତର୍କ ସୂଚନା ଜାରି କରାଯାଇଛି ।

---